ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/ 989/06-01-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୦୬ ଜାନୁଆରୀ,୨୦୨୧

➢ ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ଆଜି ରାଜ୍ୟରେ କୋଭିଡ୍ ପରିସ୍ଥିତି ଓ ଟୀକାକରଣ ସଂପର୍କରେ ସମୀକ୍ଷା କରି କହିଛନ୍ତି ଯେ ବର୍ତ୍ତମାନ ରାଜ୍ୟରେ ବ୍ୟବସାୟିକ ପ୍ରତିଷ୍ଠାନଠାରୁ ଆରମ୍ଭ କରି ଧର୍ମାନୁଷ୍ଠାନ ଆଦି ସଂପୂର୍ଣ୍ଣ ଭାବେ ଖୋଲିଥିବାବେଳେ ଖୁବ୍‌ଶୀଘ୍ର ଶିକ୍ଷାନୁଷ୍ଠାନ ଖୋଲିବାକୁ ଯାଉଛି । ତେଣୁ ଆଗାମୀ ୨ ମାସ ସମସ୍ତଙ୍କୁ ସତର୍କତାର ସହ ଚଳିବା ପାଇଁ ସେ ନିବେଦନ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଇଂଲାଣ୍ଡ ତଥା ୟୁରୋପରେ କୋଭିଡର ଦ୍ୱିତୀୟ ପର୍ଯ୍ୟାୟ ସଂକ୍ରମଣ ଆରମ୍ଭ ହୋଇଯାଇଛି ଏବଂ କେତେକ ଦେଶରେ ଲକ୍‌ଡାଉନ୍ ମଧ୍ୟ ପୁଣି ଲାଗୁ କରାଯାଇଛି । ଏହି ପରିପ୍ରେକ୍ଷୀରେ ସମସ୍ତଙ୍କୁ ଅଧିକ ସତର୍କତାର ସହିତ କୋଭିଡ୍ ଗାଇଡ୍‌ଲାଇନ୍ ପାଳନ କରିବାକୁ ହେବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ସମସ୍ତଙ୍କୁ ସହଯୋଗରେ କୋଭିଡ୍ ସଂକ୍ରମଣକୁ ସଫଳ ଭାବରେ ବର୍ତ୍ତମାନ ପର୍ଯ୍ୟନ୍ତ ନିୟନ୍ତ୍ରଣ କରାଯାଇପାରିଛି ଏବଂ ରାଜ୍ୟର ଅଧିକାଂଶ ଜିଲ୍ଲା ଗ୍ରୀନ୍ ଜୋନ୍‌ରେ ରହିଥିବାବେଳେ ତୀବ୍ର ସଂକ୍ରମଣ ପର୍ଯ୍ୟାୟ ଅତିକ୍ରାନ୍ତ ହୋଇଛି । ଏହି ସଫଳତା ପାଇଁ କଠିନ ପରିଶ୍ରମ କରିଥିବା ସ୍ୱାସ୍ଥ୍ୟକର୍ମୀ, ଡାକ୍ତର ଏବଂ ଆଗଧାଡ଼ିରେ ରହି କାମ କରୁଥିବା ସମସ୍ତ କୋଭିଡ୍ ଯୋଦ୍ଧାମାନଙ୍କୁ ମାନ୍ୟବର ମୁଖ୍ୟମନ୍ତ୍ରୀ ଧନ୍ୟବାଦ ଅର୍ପଣ କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ କୋଭିଡ୍ ଟୀକା ଲୋକଙ୍କ ଭିତରେ ବିପୁଳ ଆଶା ସଂଚାର କରିଛି । ଓଡ଼ିଶା ଟୀକାକରଣ କାର୍ଯ୍ୟକ୍ରମକୁ ସଫଳ ଭାବରେ କାର୍ଯ୍ୟକାରୀ କରିବା ପାଇଁ ସଂପୂର୍ଣ୍ଣ ପ୍ରସ୍ତୁତ ଥିବାବେଳେ ଟୀକା ସଂପର୍କରେ ଲୋକଙ୍କ ଭିତରେ ଥିବା ଭ୍ରାନ୍ତଧାରଣାକୁ ଦୂର କରିବା ପାଇଁ ବ୍ୟାପକ ସଚେତନତା ଉପରେ ମାନ୍ୟବର ମୁଖ୍ୟମନ୍ତ୍ରୀ ଗୁରୁତ୍ୱାରୋପ କରିଛନ୍ତି । ଟୀକାକରଣ ଚଳିତ ବର୍ଷର ସବୁଠାରୁ ବଡ଼ କାର୍ଯ୍ୟକ୍ରମ ହେବ ବୋଲି ସେ ଆଶା ପ୍ରକାଶ କରିଛନ୍ତି ।

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ମାନ୍ୟବର ମୁଖ୍ୟମନ୍ତ୍ରୀ ଜୀବନଜୀବିକା କାର୍ଯ୍ୟକ୍ରମର ଅଗ୍ରଗତି ନେଇ ସନ୍ତୋଷ ପ୍ରକାଶ କରିବା ସହ ଆର୍ଥିକ ଦୁର୍ବଳଶ୍ରେଣୀର ଲୋକଙ୍କ ଜୀବିକାର ସୁରକ୍ଷା କରିବା ଦିଗରେ କାର୍ଯ୍ୟ କରିବାକୁ ପ୍ରଶାସନକୁ ପରାମର୍ଶ ଦେଇଛନ୍ତି ।

- ମୁଖ୍ୟ ଶାସନ ସଚିବ ଶ୍ରୀ ସୁରେଶ ଚନ୍ଦ୍ର ମହାପାତ୍ର, ଉନ୍ନୟନ କମିଶନର, କୃଷି ଉତ୍ପାଦନ କମିଶନର, ଉଚ୍ଚଶିକ୍ଷା ବିଭାଗ ପ୍ରମୁଖ ଶାସନ ସଚିବ, ବିଦ୍ୟାଳୟ ଓ ଗଣଶିକ୍ଷା ବିଭାଗ ପ୍ରମୁଖ ସଚିବ, ବିଭିନ୍ନ ବିଭାଗର ପ୍ରମୁଖ ଶାସନ ସଚିବ ଓ ଶାସନ ସଚିବ ପ୍ରମୁଖ ଏହି ସମୀକ୍ଷା ବୈଠକରେ ଉପସ୍ଥିତ ଥିଲେ । ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ସଚିବ (୫-'ଟି') ଶ୍ରୀ ଭି.କେ. ପାଣ୍ଡିଆନ୍ କାର୍ଯ୍ୟକ୍ରମ ସଂଚାଳନ କରିଥିଲେ ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଉଚ୍ଚଶିକ୍ଷା କ୍ଷେତ୍ରରେ ମେଧାବୀ ଛାତ୍ରଛାତ୍ରୀଙ୍କୁ ପ୍ରୋତ୍ସାହିତ କରିବା ପାଇଁ ପ୍ରଦାନ କରାଯାଉଥିବା 'ଇ-ମେଧାବୃତ୍ତି' ନେଇ ନିୟମାବଳୀ ଜାରି ହୋଇଛି । http://scholarship.odisha.gov.inରେ ଏ ନେଇ ବିସ୍ତୃତ ତଥ୍ୟ ଉପଲବ୍ଧ ହେଉଥିବାବେଳେ ସ୍ନାତକ, ସ୍ନାତକୋତ୍ତର ଓ ବୈଷୟିକ ଶିକ୍ଷାର ୧୪,୦୦୦ରୁ ଊର୍ଦ୍ଧ୍ୱ ଛାତ୍ରଛାତ୍ରୀ ଏହା ଦ୍ୱାରା ଉପକୃତ ହେବେ ବୋଲି ସେ ପ୍ରକାଶ କରିଛନ୍ତି ।

➢ ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ଓଡ଼ିଶାରେ ବିଦ୍ୟାଳୟଗୁଡ଼ିକ ଖୋଲାଯାଉଥିବା ପରିପ୍ରେକ୍ଷୀରେ କୋଭିଡ୍-୧୯ ପାଇଁ ପ୍ରତିକାରାତ୍ମକ ପଦକ୍ଷେପ ଭାବେ ସମସ୍ତ ଜିଲ୍ଲାପାଳ ଏବଂ ମହାନଗର ନିଗମ ଅଧିକ୍ଷମାନଙ୍କୁ ଛାତ୍ରଛାତ୍ରୀ, ଶିକ୍ଷକଶିକ୍ଷୟିତ୍ରୀ ଏବଂ ବିଦ୍ୟାଳୟର ଅନ୍ୟ କର୍ମଚାରୀମାନଙ୍କ ସ୍ୱାସ୍ଥ୍ୟ ପରୀକ୍ଷା କରିବାକୁ ରାଜ୍ୟ ସରକାର ନିର୍ଦ୍ଦେଶ ଦେଇଛନ୍ତି ।

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୭୦,୬୫,୦୭୮ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୩୦,୯୨୧ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୨୬,୭୭୮ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୮୮୭ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୨,୨୦୩ ରହିଛି ।
- ୨,୨୦୩ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**